The Odisha Gazette

EXTRAORDINARY

PUBLISHED BY AUTHORITY

No. 46 CUTTACK, WEDNESDAY, JANUARY 8, 2020/PAUSA 18, 1941

## ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, ସୁନ୍ଦରଗଡ଼

## (ଭୂ-ଅର୍ଜନ ଉପବିଭାଗ)

ବିଜ୍ଞପ୍ତି

ତାରିଖ 15 ନଭେମ୍ବର 2019

No. 1178—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଯେ ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ମେଗା ଲିଫ୍ଟ ଜଳସେଚନ ପ୍ରକଳ୍ପ ନିର୍ମାଣ ନିମନ୍ତେ ମୌଜା ବନ୍ଧପାଲି, ଥାନା ସଦର, ତହସିଲ ଟାଙ୍ଗରପାଲି, ଜିଲ୍ଲା ସୁନ୍ଦରଗଡ଼ରେ ନିମ୍ନ ତଫସିଲମତେ ପ୍ରାୟ 0.12 ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ର ଧାରା୧୧(୧)ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

୧ । ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ – ମେଗା ଲିଫ୍ଟ ଜଳସେଚନ ପ୍ରକଳ୍ପ ନିର୍ମାଣ ।

୨ । ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ – ଗୋଷ୍ଠି ନିର୍ବାହୀ ଯନ୍ତ୍ରୀ, ଝାରସୁଗୁଡା/କେନ୍ଦୁଝର ।

୩ । କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ – ପ୍ରଯୁଜ୍ୟ ନୁହେଁ ।

୪ । ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ – ଏଥିସହିତ ସଂଲଗ୍ନ କରାଗଲା ।

୫ । ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ – ଉପଜିଲ୍ଲାପାଳ, ସୁନ୍ଦରଗଡ଼ ।

୬ । ଜମିର ବିବରଣୀ :-

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତଙ୍କ ନାମ |
|---|---|---|---|---|---|---|---|---|
| ସୁନ୍ଦରଗଡ଼ | ଟାଙ୍ଗରପାଲି | ବନ୍ଧପାଲି | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ୦.୧୨ ଏକର | ଏଥିସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା, ତଥା ବିସ୍ତୃତ ବିବରଣୀ ସୁନ୍ଦରଗଡ଼ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି ସୁନ୍ଦରଗଡ଼ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ଯଦି ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମିମାଲିକ ଭୂମି ଅଧିଗ୍ରହଣ ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଥାଏ, ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ (ଷାଠିଏ) ଦିନ ମଧ୍ୟରେ ସୁନ୍ଦରଗଡ଼ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

## ଭୂମି ଅନୁସୂଚୀ

**ମୌଜା – ବନ୍ଧପାଲି** **ତହସିଲ – ଟାଙ୍ଗରପାଲି** **ଜିଲ୍ଲା – ସୁନ୍ଦରଗଡ଼**

| ଖାତା ନଂ. | ପ୍ଲଟ୍ ନଂ. | କିସମ | ମୋଟ ରକବା | ଅର୍ଜନ ରକବା | ରୟତଙ୍କ ନାମ, ପିତାଙ୍କ ନାମ, ଜାତି ଓ ବାସସ୍ଥାନ |
|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) |
| | | | (ଏକର) | (ଏକର) | |
| ୩୭ | ୪୫୪ | ଗୋଡା – ୨ | ୦.୬୬ | ୦.୦୭ | ଖଣ୍ଡ ଓରାମ, ସାଲଖାନ ଓରାମ, ପି. ଭଦ୍ର ଓରାମ, |
| | ୪୫୮ | ଗୋଡା – ୨ | ୦.୩୯୫ | ୦.୦୫ | ଜା. ଓରାମ, ବା. ନିଜଗାଁ । |
| | | | **ମୋଟ . .** | **୦.୧୨** | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ନିଖିଲ ପବନ କଲ୍ୟାଣ**

ଜିଲ୍ଲାପାଳ, ସୁନ୍ଦରଗଡ଼

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1706—173+20